ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 908/22-12-2020**

# ପ୍ରେସ୍ ବିବୃତି

**ଭୁବନେଶ୍ୱର :୨୨ ଡିସେମ୍ବର,୨୦୨୦**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସର୍ବକାଳୀନ ଶ୍ରେଷ୍ଠ ଗଣିତଜ୍ଞ ଶ୍ରୀନିବାସ ରାମାନୁଜନ୍‌ଙ୍କୁ ଜାତୀୟ ଗଣିତ ଦିବସ ଭାବେ ପାଳିତ ତାଙ୍କ ଜନ୍ମ ଦିବସ ଅବସରରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ଏହି ଗୁଣୀ ପ୍ରତିଭାଧର ବ୍ୟକ୍ତିତ୍ୱ ଗଣିତ ଜଗତକୁ ଦେଇଥିବା ଅମୂଲ୍ୟ ଅବଦାନ ସମଗ୍ର ବିଶ୍ୱର ବିଦ୍ୱାନ ଓ ଯୁବପ୍ରତିଭାଙ୍କୁ ପ୍ରେରଣା ଦେଉଥିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ସାହିତ୍ୟିକ ପଲ୍ଲୀକବି ନନ୍ଦକିଶୋର ବଳଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ଗ୍ରାମୀଣ ଜୀବନ ଓ ପଲ୍ଲୀ ପ୍ରକୃତିକୁ ନେଇ କାବ୍ୟ ରଚନା ସହ ଶିଶୁ ସାହିତ୍ୟ କ୍ଷେତ୍ରରେ ନିଜ ଅବଦାନ ପାଇଁ ସେ ସର୍ବଦା ସ୍ମରଣୀୟ ରହିବେ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ଔପନାସିକ, ଗାଳ୍ପିକ ତଥା ପ୍ରାବନ୍ଧିକ ମହାପାତ୍ର ନୀଳମଣି ସାହୁଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜଣାଇଛନ୍ତି । ବାସ୍ତବବାଦୀ ରଚନା ସହ ଓଡ଼ିଆ ସାହିତ୍ୟକୁ ଋଦ୍ଧିମନ୍ତ କରୁଥିବା 'ଅଭିଶପ୍ତ ଗନ୍ଧର୍ବ', 'ଆକାଶ ପାତାଳ', 'ଅନ୍ଧ ରାତିର ସୂର୍ଯ୍ୟ' ଭଳି କାଳଜୟୀ ସୃଷ୍ଟି ତାଙ୍କୁ ଚିର ଅମର କରି ରଖିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ଶ୍ରୀ ପ୍ରଦୀପ୍ତ କୁମାର ମହାପାତ୍ର, ଅତିରିକ୍ତ ମୁଖ୍ୟ ଶାସନ ସଚିବ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବଭାଗ ଆଜି କୋଭିଡ୍ ଟୀକାକରଣ ପାଇଁ ଗଠିତ ରାଜ୍ୟ ଷ୍ଟିଅରିଂ କମିଟିର ବୈଠକରେ ଅଧକ୍ଷତା କରି କୋଭିଡ୍ ଟୀକାକରଣ ସମ୍ବନ୍ଧୀୟ ସଚେତନତାର ବ୍ୟାପକ ପ୍ରାସର ଓ ଟୀକାକରଣ ନିମନ୍ତେ ସଂପୂର୍ଣ୍ଣ ପ୍ରସ୍ତୁତ ହୋଇ ରହିବାକୁ ସମସ୍ତ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । କୋଭିଡ୍ ଟୀକାକରଣ ପାଇଁ ରାଜ୍ୟର ସମସ୍ତ ଜିଲ୍ଲା ଓ ବ୍ଲକ୍‌ସ୍ତରରେ ବ୍ୟାପକ ବ୍ୟବସ୍ଥା କରିବା ଓ ଏହି କାର୍ଯ୍ୟରେ ନିୟୋଜିତ ଥିବା କର୍ମଚାରୀମାନଙ୍କୁ ଠିକ୍ ଭାବେ ତାଲିମ ଦେବା ଉପରେ ସେ ଗୁରୁତ୍ୱାରୋପ କରିଥିଲେ ।

  - ଜାତୀୟ ସ୍ୱାସ୍ଥ୍ୟ ମିଶନ, ଓଡ଼ିଶାର ମିଶନ ନିର୍ଦ୍ଦେଶିକା ଶ୍ରୀମତୀ ଶାଳିନୀ ପଣ୍ଡିତ ଟୀକାକରଣ ପାଇଁ ବ୍ୟକ୍ତିବିଶେଷଙ୍କ ଚିହ୍ନଟୀକରଣ ଉପରେ ଆଲୋକପାତ କରିଥିଲେ । ସେ ଟୀକାକରଣର ମାର୍ଗଦର୍ଶିକା ଉପରେ ବୁଝାଇଥିଲେ ।

  - ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ବରିଷ୍ଠ ଅଧିକାରୀ, ସମସ୍ତ ଜିଲ୍ଲାପାଳ, ସମସ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଏବଂ ଜନସ୍ୱାସ୍ଥ୍ୟ ଅଧିକାରୀ ଓସ୍ୱାନ୍ ଜରିଆରେ ଏହି ବୈଠକରେ ଯୋଗଦାନ କରିଥିଲେ ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୬,୬୫,୭୦୧ ଟି ନମୁନା କୋଭିଡ୍‌-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୨୬,୯୧୫ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୧,୯୫୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୪୩ ଜଣ କୋଭିଡ୍‌-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩,୦୬୩ ରହିଛି ।
- ୩,୦୬୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ପଠାଣି ରାଉତ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**